ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail: iprsec.or@nic.in

# ପାଠ୍ୟପୁସ୍ତକ ମୁଦ୍ରଣ ଓ ବିତରଣ ପାଇଁ ଏକ ବାର୍ଷିକ କ୍ୟାଲେଣ୍ଡର ପ୍ରସ୍ତୁତି ନିମନ୍ତେ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀଙ୍କ ନିର୍ଦ୍ଦେଶ

ଭୁବନେଶ୍ୱର, ୦୬ ମାର୍ଚ୍ଚ ୨୦୨୦

ଆଜି ପୂର୍ବାହ୍ନରେ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ଶ୍ରୀ ସମୀର ରଞ୍ଜନ ଦାଶଙ୍କ ଅଧକ୍ଷତାରେ ବିଭାଗୀୟ ପାଠ୍ୟପୁସ୍ତକ ମୁଦ୍ରଣ ଓ ବିତରଣ ସମ୍ବନ୍ଧୀୟ ବୈଠକ ଅନୁଷ୍ଠିତ ହୋଇଯାଇଛି । ଅଦ୍ୟାବଧି ପ୍ରଥମ ଶ୍ରେଣୀରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ଆବଶ୍ୟକ ଥିବା ୨୪୯୫୪୧୨୭ ପାଠ୍ୟପୁସ୍ତକ ମଧ୍ୟରୁ ୨୪୨୧୪୭୧୨ ପାଠ୍ୟପୁସ୍ତକ ବିଦ୍ୟାଳୟ ସ୍ତର ପର୍ଯ୍ୟନ୍ତ ବିତରଣ କରାଯାଇଛି, ଯାହାକି ୯୯ ପ୍ରତିଶତ ଅଟେ ।

ଆସନ୍ତା ଅପ୍ରେଲ ୩ ତାରିଖରେ ହେବାକୁ ଥିବା ପ୍ରବେଶ ଉତ୍ସବ ସମୟରେ ସମସ୍ତ ଛାତ୍ରଛାତ୍ରୀଙ୍କୁ ପାଠ୍ୟପୁସ୍ତକ ବିତରଣ କରାଯିବାକୁ ସ୍ଥିର କରାଯାଇଛି । ସେହିପରି ନବମ ଓ ଦଶମ ଶ୍ରେଣୀସ୍ତରରେ ଆବଶ୍ୟକ ପଡୁଥିବା ଆନୁମାନିକ ୮ ଲକ୍ଷ ପାଠ୍ୟପୁସ୍ତକ ମୁଦ୍ରଣ କରାଯାଇ ମାର୍ଚ୍ଚ ୨୦ ତାରିଖ ସୁଦ୍ଧା ସମସ୍ତ ବିତରଣକାରୀଙ୍କୁ ଅବଗତ କରିବା ପାଇଁ ସ୍ଥିର କରାଯାଇଛି । ଏଥି ସହିତ ମାର୍ଚ୍ଚ ୨୪ ତାରିଖରୁ ନବମ ଓ ଦଶମ ଶ୍ରେଣୀ ପାଠ୍ୟପୁସ୍ତକ ବିତରଣ କରାଯିବା ପାଇଁ ନିଷ୍ପତ୍ତି ନିଆଯାଇଛି । ନବମ ଓ ଦଶମ ଶ୍ରେଣୀରେ ପଢୁଥିବା ପ୍ରାୟ ୨.୫ ଲକ୍ଷ ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ବିଦ୍ୟାର୍ଥୀମାନଙ୍କ ପାଇଁ ମାଗଣା ପାଠ୍ୟପୁସ୍ତକ ବିତରଣ ଏହି ସମୟ ମଧ୍ୟରେ କରିବା ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଛି ।

ଚଳିତ ବର୍ଷଠାରୁ ମାଧ୍ୟମିକ ଶିକ୍ଷା ପରିଷଦ, ଉଚ୍ଚ ମାଧ୍ୟମିକ ଶିକ୍ଷା ପରିଷଦ ଏବଂ ପାଠ୍ୟପୁସ୍ତକ ମୁଦ୍ରଣ ଓ ବିତରଣ ନିର୍ଦ୍ଦେଶାଳୟମାନେ ବର୍ଷ ତମାମ କାର୍ଯ୍ୟକ୍ରମର ଏକ କ୍ୟାଲେଣ୍ଡର ପ୍ରସ୍ତୁତ କରିବା ପାଇଁ ସଂପୃକ୍ତ ବିଭାଗୀୟ ଅଧିକାରୀମାନଙ୍କୁ ମନ୍ତ୍ରୀ ଶ୍ରୀ ଦାଶ ନିର୍ଦ୍ଦେଶ ଦେଇଛନ୍ତି ।

ଉକ୍ତ ବୈଠକରେ ରାଜ୍ୟ ପ୍ରକଳ୍ପ ନିର୍ଦ୍ଦେଶକ ଓସେପା ଶ୍ରୀ ଭୂପିନ୍ଦର ସିଂ ପୁନିଆ, ଅତିରିକ୍ତ ଶିକ୍ଷା ନିର୍ଦ୍ଦେଶକ ଶ୍ରୀ ବିକାଶ ଚନ୍ଦ୍ର ମହାପାତ୍ର, ଅତିରିକ୍ତ ଶାସନ ସଚିବ ଶ୍ରୀ ରମେଶ କେର୍‌କେଟା, ଯୁଗ୍ମ ଶାସନ ସଚିବ ଶ୍ରୀ ପ୍ରତାପ କୁମାର ମିଶ୍ର, ଯୁଗ୍ମ ଶାସନ ସଚିବ ଶୁଭଶ୍ରୀ ନନ୍ଦ, ଶିକ୍ଷା ପରାମର୍ଶଦାତା ଶ୍ରୀ ଖଗେନ୍ଦ୍ର କୁମାର ପାଢ଼ୀ, ଉପନିର୍ଦ୍ଦେଶକ, ଉପଶାସନ ସଚିବ ଶ୍ରୀମତୀ ପ୍ରଣତି ମିଶ୍ର ପ୍ରମୁଖ ଉପସ୍ଥିତ ରହି ଆଲୋଚନାରେ ଅଂଶଗ୍ରହଣ କରିଥିଲେ ।

ସଚ୍ଚିଦାନନ୍ଦ ବେହେରା
ସୂଚନା ଅଧିକାରୀ